ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୯ ଜଣ କରୋନା ପଜିଟିଭ ଚିହ୍ନଟ ।

## ପଜିଟିଭ ସଂଖ୍ୟା ୪୭୯୭୬ରେ ପହଞ୍ଚିଲା - ସୁସ୍ଥ ହେଲେ ୧୫୨ଜଣ ।

ଅନୁଗୋଳ,ତା.୧୧.୦୨:- ଆଜି ଅନୁଗୋଳ ଜିଲ୍ଲାରେ ୯ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତଙ୍କ ମଧ୍ୟରେ ବଣ୍ଟରପାଳ ବ୍ଲକ୍ ଅଂଚଳରୁ ୫ଜଣ (୩ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ପାଲଲହଡା ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ଲକ୍ଷଣଯୁକ୍ତ ଆକ୍ରାନ୍ତଂଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରୀକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୧୧ଜଣ ମୃତ୍ୟୁବରଣ କଲେଣି । ଆଜି ଅନୁଗୋଳ ଜିଲ୍ଲାରୁ ୧୫୨ଜଣ ସୁସ୍ଥ ହୋଇଛନ୍ତି । ଆଜି ସୁଦ୍ଧା ୧୬ଲକ୍ଷ ୭୭ହଜାର ୮୬୭ଜଣଙ୍କୁ ଟିକା ଦିଆଗଲାଣି ।